ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/Labour & ESI(OD)/1103/22-01-2021

# କେନ୍ଦ୍ର ଶ୍ରମ ସଚିବଙ୍କ ଭୁବନେଶ୍ୱର ଗସ୍ତ
## ରାଜ୍ୟ ଶ୍ରମ ଓ କର୍ମଚାରୀ ରାଜ୍ୟବୀମା ବିଭାଗର କାର୍ଯ୍ୟକ୍ରମ ସମୀକ୍ଷା

ଭୁବନେଶ୍ୱର, ତା.୨୨/୦୧/୨୦୨୧

ଆଜି କେନ୍ଦ୍ର ଶ୍ରମ ସଚିବ ଶ୍ରୀ ଅପୂର୍ବ ଚନ୍ଦ୍ର ଭୁବନେଶ୍ୱର ପରିଦର୍ଶନରେ ଆସି ଶ୍ରମ ଓ କର୍ମଚାରୀ ରାଜ୍ୟବୀମା ବିଭାଗର ବିଭିନ୍ନ କାର୍ଯ୍ୟକ୍ରମ ସଂପର୍କରେ ସମୀକ୍ଷା କରି ସନ୍ତୋଷ ପ୍ରକାଶ କରିଛନ୍ତି । ଏହି ଅବସରରେ ଶ୍ରୀ ଅପୂର୍ବ ଚନ୍ଦ୍ର ଭୁବନେଶ୍ୱରସ୍ଥ କର୍ମଚାର ରାଜ୍ୟବୀମା ହସ୍‌ପିଟାଲ୍ ଯାଇ କର୍ମଚାରୀମାନଙ୍କ ସମସ୍ୟା ସଂପର୍କରେ ପଚାରି ବୁଝିବା ସହିତ କର୍ମଚାରୀ ରାଜ୍ୟବୀମା ହସ୍‌ପିଟାଲ୍‌ରେ ସୁଧାର ଆଣିବା ସଂପର୍କରେ ବିଭାଗୀୟ କର୍ମଚାରୀମାନଙ୍କୁ ପରାମର୍ଶ ଦେଇଥିଲେ । ବିଶେଷକରି ବୀମାଭୁକ୍ତ ହିତାଧିକାରୀମାନଙ୍କୁ ଉନ୍ନତ ସ୍ୱାସ୍ଥ୍ୟସେବା ଯୋଗାଇଦେବା ଏବଂ ଏହାର ଭିତ୍ତିଭୂମି ବିକାଶ କ୍ଷେତ୍ରରେ ଯେଉଁସବୁ ପ୍ରତିବନ୍ଧକ ରହିଛି କେନ୍ଦ୍ର ସରକାରଙ୍କ ତରଫରୁ ସେଗୁଡ଼ିକୁ ଦୂର କରିବା ପାଇଁ ପଦକ୍ଷେପ ନିଆଯିବ ବୋଲି ପ୍ରକାଶ କରିଥିଲେ ।

ଲୋକସେବା ଭବନସ୍ଥିତ ଗ୍ରାମ୍ୟ ଉନ୍ନୟନ ବିଭାଗର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଥିବା ସମୀକ୍ଷା ବୈଠକରେ ଅତିରିକ୍ତ ମୁଖ୍ୟ ଶାସନ ସଚିବ ଶ୍ରୀ ପ୍ରଦୀପ ଜେନା, ଶ୍ରମ ଓ କର୍ମଚାରୀ ରାଜ୍ୟବୀମା ପ୍ରମୁଖ ଶାସନ ସଚିବ ଶ୍ରୀମତୀ ଚିତ୍ରା ଅରୁମୁଗମ୍, ରାଜ୍ୟ ଶ୍ରମ କମିଶନର ଡ. ଏନ୍ ଥିରୁମାଲା ନାୟକ, ସ୍ୱତନ୍ତ୍ର ଶାସନ ସଚିବ ଶ୍ରୀ ଶରତ ଚନ୍ଦ୍ର ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ ।

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ